ପ୍ରେସ୍ ନୋଟ୍

# ଦୁର୍ନୀତି ନିବାରଣ ସଚେତନତା ସପ୍ତାହ ପାଳନ ଉପଲକ୍ଷେ ଶପଥ ପାଠ ।

ଅନୁଗୋଳ, ତା,୩୦.୧୧:- ସମାଜର ବିଭିନ୍ନ କ୍ଷେତ୍ରରୁ ଦୁର୍ନୀତି ହଟାଇ ଶାନ୍ତି ଓ ସୌହାର୍ଦ୍ଦପୂର୍ଣ୍ଣ ବାତାବରଣ ସୃଷ୍ଟି କରିବା ସହ ଜନସାଧରଣଙ୍କୁ ନ୍ୟାଯ୍ ପ୍ରଦାନ ଉଦ୍ଦେଶ୍ୟରେ ସଚେତନତା ସୃଷ୍ଟି କରିବାକୁ ନେଇ ଅକ୍ଟୋବର ୩୦ ତାରିଖରୁ ନଭେମ୍ବର ୫ ତାରିଖ ପର୍ଯ୍ୟନ୍ତ ଦୁର୍ନୀତି ନିବାରଣ ସଚେତନତା ସପ୍ତାହ ପାଳନ ହେଉଛି । ଚଳିତ ବର୍ଷର ବାର୍ତ୍ତା ହେଉଛି "ଦୁର୍ନୀତିକୁ ବିରୋଧ କରିବା; ରାଷ୍ଟ୍ର ପ୍ରତି ସମର୍ପିତ ରହିବା" । ସମାଜର ପ୍ରତ୍ୟେକ ସ୍ତରରୁ ଦୁର୍ନୀତିର ମୂଳୋତ୍ପାଟନ ନିମନ୍ତେ ସମସ୍ତେ ଆଗେଇ ଆସିବା ସହ ଜୀବନର ସବୁ କ୍ଷେତ୍ରରେ ସାଧୁତା ଓ ସଚ୍ଛୋଟତା ଅବଲମ୍ବନ କରି ରାଜ୍ୟକୁ ଦୁର୍ନିତି ମୁକ୍ତ କରିବା ଉଦ୍ଦେଶ୍ୟରେ ଓଡିଶାର ମାନ୍ୟବର ମୁଖ୍ୟମନ୍ତ୍ରୀ ଶ୍ରୀଯୁକ୍ତ ନବୀନ ପଟ୍ଟନାୟକ ଲୋକ ସେବା ଭବନରେ ଭିଡିଓ କନଫରେନସ୍ ମାଧ୍ୟମରେ ଆଜି ଦିବା ୧୦.୫୦ଘଟିକା ସମୟରେ ଶପଥ ପାଠ କରାଇଥିଲେ । ଅନୁଗୋଳ ଜିଲ୍ଲା କାର୍ଯ୍ୟାଳୟ ଓସଓ୍ୱାନ ହଲ ଠାରେ ଅତିରିକ୍ତ ଜିଲ୍ଲାପାଳ ଶ୍ରୀ ପ୍ରତାପ ପ୍ରୀତିମୟ ଯୋଗ ଦେଇ ଶପଥ ପାଠ କରିଥିଲେ । ଶପଥ ପାଠ କାର୍ଯ୍ୟକ୍ରମରେ ଅନ୍ୟମାନଙ୍କ ମଧ୍ୟରେ ଜିଲ୍ଲା ପରିଷଦର ମୁଖ୍ୟ ଉନ୍ନୟନ ଅଧିକାରୀ ତଥା କାର୍ଯ୍ୟ ନିର୍ବାହୀ ଅଧିକାରୀ ଶ୍ରୀ ହେମନ୍ତ କୁମାର ସିଂହ, ଜିଲ୍ଲା ପରିଷଦର ଅତିରିକ୍ତ ଉନ୍ନୟନ ଅଧିକାରୀ ତଥା କାର୍ଯ୍ୟ ନିର୍ବାହୀ ଅଧିକାରୀ ଶ୍ରୀ ପଦ୍ମନାଭ ସାମନ୍ତରାୟ , ଜିଲ୍ଲା ମୁଖ୍ୟ ଚିକିତ୍ସା ଓ ଜନ ସ୍ୱାସ୍ଥ୍ୟ ଅଧିକାରୀ ଡ.ଶିବାନନ୍ଦ ମହାନ୍ତି, ଯୁଗ୍ମ ଶ୍ରମ ଆଯୁକ୍ତ ଇତିଶ୍ରୀ ଗାଗରାଇ ଜିଲ୍ଲା କ୍ରୀଡା ଅଧିକାରୀ ଶ୍ରୀ ଅକ୍ଷୟ କୁମାର ସିଠଙ୍କ ସମେତ ଜିଲ୍ଲା କାର୍ଯ୍ୟାଳୟର ବିଭିନ୍ନ ବିଭାଗର ଅଧିକାରୀ ଓ କର୍ମଚାରୀମାନେ ଉପସ୍ଥିତ ଥିଲେ । ସେହିପରି ଜିଲ୍ଲାର ସମସ୍ତ ଉପଖଣ୍ଡ କାର୍ଯ୍ୟାଳୟ,ପଞ୍ଚାୟତ ସମିତି କାର୍ଯ୍ୟାଳୟ, ତହସିଲ କାର୍ଯ୍ୟାଳୟ, ଗ୍ରାମ ପଞ୍ଚାୟତ, ସରକାରୀ ବିଦ୍ୟାଳୟ,ମହାବିଦ୍ୟାଳୟ ଓ ଅନ୍ୟାନ୍ୟ କାର୍ଯ୍ୟାଳୟଗୁଡିକରେ ଶପଥ ପାଠ କାର୍ଯ୍ୟକ୍ରମ ମଧ୍ୟ ଅନୁଷ୍ଠିତ ହୋଇଯାଇଛି ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ, ଅନୁଗୋଳ ।

ଜ୍ଞାପକ ସଂଖ୍ୟା - ୬୪୮ ତା.୩୦.୧୦.୨୦୨୩

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରାଗଲା ।

ଜେ ଶ୍ରବଣ କୁମାର

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ,

ଅନୁଗୋଳ ।



